# ଆଜି ଅନୁଗୋଳ ଜିଲ୍ଲାରୁ ୩୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୦୯୪୭ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୮ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ କୋଭିଡ ପରିକ୍ଷାରୁ ୩୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ଆକ୍ରାନ୍ତଂକ ସଂଖ୍ୟା ୧୯୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ପଜିଟିଭମାନଂକ ମଧ୍ୟରେ ବଣ୍ଡରପାଳ ବ୍ଳକ୍ ଅଂଚଳରୁ ସର୍ବାଧିକ ୧୭ଜଣ ( ୧୨ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଳକ୍ ଅଂଚଳରୁ ୬ଜଣ ( ୩ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଳକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ତାଲଚେର ବ୍ଳକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଳକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ), ତାଲଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ପାଲଲହଡା ବ୍ଳକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ )ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି କିଶୋରନଗର ବ୍ଳକ , ,ଆଠମଲ୍ଲିକ ବ୍ଳକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୮ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୨ଜଣ କୋଭିଡ ହସପିଟାଲରୁ ଓ ୪୬ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୮୯ ତା.୦୧.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୧.୧୨.୨୦୨୦

ଜି. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ